# ରୁଷର ସର୍ବୋଚ୍ଚ ରାଷ୍ଟ୍ରୀୟ ପୁରସ୍କାରରେ ସମ୍ମାନିତ ହେଲେ ପ୍ରଧାନମନ୍ତ୍ରୀ

ଜୁଲାଇ ୦୯, ୨୦୨୪

ଭାରତ-ରୁଷ ସମ୍ପର୍କକୁ ପ୍ରୋତ୍ସାହିତ କରିବାରେ ତାଙ୍କର ଅବଦାନ ପାଇଁ ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀଙ୍କୁ ରୁଷର ସର୍ବୋଚ୍ଚ ରାଷ୍ଟ୍ରୀୟ ପୁରସ୍କାର ''ଦ ଅର୍ଡର ଅଫ୍ ସେଣ୍ଟ ଆଣ୍ଡ୍ରିୟୁ ଦ ଆପୋଷ୍ଟଲ''ରେ ସମ୍ମାନିତ କରାଯାଇଛି। କ୍ରେମଲିନର ସେଣ୍ଟ ଆଣ୍ଡ୍ରିୟୁ ହଲରେ ଆୟୋଜିତ ଏକ ସ୍ୱତନ୍ତ୍ର ସମାରୋହରେ ରୁଷର ମହାମହିମ ରାଷ୍ଟ୍ରପତି ଶ୍ରୀ ଭ୍ଲାଦିମିର ପୁଟିନ ଏହି ପୁରସ୍କାର ପ୍ରଦାନ କରିଥିଲେ। ୨୦୧୯ରେ ଏହି ପୁରସ୍କାର ଘୋଷଣା କରାଯାଇଥିଲା।

ପୁରସ୍କାର ଗ୍ରହଣ କରିବା ଅବସରରେ ପ୍ରଧାନମନ୍ତ୍ରୀ ଏହାକୁ ଭାରତବାସୀ ଏବଂ ଭାରତ ଓ ରୁଷ୍ ମଧ୍ୟରେ ଥିବା ପାରମ୍ପରିକ ବନ୍ଧୁତ୍ୱପୂର୍ଣ୍ଣ ସମ୍ପର୍କକୁ ଉତ୍ସର୍ଗ କରିଛନ୍ତି। ସେ ଆହୁରି ମଧ୍ୟ କହିଛନ୍ତି ଯେ ଏହି ସମ୍ମାନ ଦୁଇ ଦେଶ ମଧ୍ୟରେ ସ୍ୱତନ୍ତ୍ର ଏବଂ ବିଶେଷାଧିକାର ପ୍ରାପ୍ତ ରଣନୀତିକ ଭାଗିଦାରୀକୁ ପ୍ରଦର୍ଶିତ କରୁଛି।

୩୦୦ ବର୍ଷ ପୂର୍ବେ ଏହି ପୁରସ୍କାର ଆରମ୍ଭ ହୋଇଥିଲା। ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ ପ୍ରଥମ ଭାରତୀୟ ନେତା ଭାବେ ଏହି ପୁରସ୍କାରରେ ସମ୍ମାନିତ ହୋଇଛନ୍ତି ।

**ମସ୍କୋ**
**ଜୁଲାଇ ୦୯, ୨୦୨୪**